ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୨୫ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୩୪୪୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୪୨ ଜଣ ।

ଅନୁଗୋଳ,ତା. ୨୪.୯:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୨୨୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ଆଜି ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୬୬ରେ ପହଂଚିଲା ।ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଂଚଳରୁ ୫୧ ଜଣ (୪୨ଜଣ ପୁରୁଷ ଓ ୯ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୩୭ ଜଣ( ୨୮ଜଣ ପୁରୁଷ ଓ ୯ ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୩୧ ଜଣ (୨୬ ଜଣ ପୁରୁଷ ଓ ୫ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୨୪ ଜଣ ( ୧୫ଜଣ ପୁରୁଷ ଓ ୯ ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୧ ଜଣ( ୧୫ଜଣ ପୁରୁଷ ଓ ୬ ଜଣ ମହିଳା), ତାଳଚେର ପୌରାଂଚଳରୁ ୨୧ ଜଣ ( ୧୫ଜଣ ପୁରୁଷ ଓ ୬ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୨୦ ଜଣ (୧୭ ଜଣ ପୁରୁଷ ଓ ୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧୨ ଜଣ ( ୧୧ଜଣ ପୁରୁଷ ଓ ୧ ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୫ ଜଣ(୫ଜଣ ପୁରୁଷ) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୩ ଜଣ (୩ ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୪୨ ଜଣ ସୁସ୍ଥ ହୋଇଛନ୍ତି ।ସେମାନଙ୍କ ମଧ୍ୟରେ ୧୩ ଜଣ କୋଭିଡ ହସପିଟାଲରୁ ଓ ୧୨୯ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୪୭ ତା.୨୪.୦୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ